ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 90/18-04-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୮ ଅପ୍ରେଲ, ୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ କରୋନାର ସଂକ୍ରମଣ ପୁଣିଥରେ ଆମ ଆଗରେ ସଙ୍କଟ ହୋଇ ଉଭା ହୋଇଛି । ସାମାନ୍ୟ ଅସାବଧାନତା ପୂରା ସମାଜ ପାଇଁ ବିପଦ ସାଜିପାରେ । ତେଣୁ ନିୟମିତ ମାସ୍କ ପିନ୍ଧି ବିନା ଲକ୍‌ଡାଉନ୍‌ରେ କୋଭିଡ୍-୧୯ ସହ ଲଢ଼ିବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଆହ୍ୱାନ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍-୧୯ ବିରୋଧରେ ସଂଗ୍ରାମକୁ ଆହୁରି ସୁଦୃଢ଼ କରିବା ଉଦ୍ଦେଶ୍ୟରେ ଉତ୍ତମ ଉପଲବ୍ଧତା ପାଇଁ ଖୋଲାବଜାରରେ ଟିକା ଉପଲବ୍ଧ କରାଇବାକୁ କେନ୍ଦ୍ର ସରକାରଙ୍କୁ ଅନୁରୋଧ କରିଛନ୍ତି । ମହାନଗରଗୁଡ଼ିକ ଉପରେ ଗୁରୁତ୍ୱ ଦେଇ ଟିକା ବଣ୍ଟନକୁ ଅଧିକ ଯୁକ୍ତିଯୁକ୍ତ କରିବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ବିଜେଡ଼ି ନେତ୍ରୀ ତଥା ଓଡ଼ିଶା ପର୍ଯ୍ୟଟନ ଉନ୍ନୟନ ନିଗମ (ଓଟିଡିସି)ର ଅଧ୍ୟକ୍ଷା ଶ୍ରୀମତୀ ଶ୍ରୀମୟୀ ମିଶ୍ର ନିଜ ଜନ୍ମଦିନରେ 'ଶରୀର ଓ ଅଙ୍ଗଦାନ' ପାଇଁ ଆଗେଇ ଆସି ଉଦାହରଣ ସୃଷ୍ଟି କରିଛନ୍ତି । ଲୋକଙ୍କ ଜୀବନ ବଞ୍ଚାଇବା ପାଇଁ ତାଙ୍କର ଏହି ଅଙ୍ଗୀକାରବଦ୍ଧତା ଅଙ୍ଗଦାନ ଭଳି ମହତ କାର୍ଯ୍ୟ କରିବା ପାଇଁ ସମସ୍ତଙ୍କୁ ଅନୁପ୍ରେରିତ କରିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ତାସକେଣ୍ଟରେ ଚାଲିଥିବା ଏସୀୟ ଭାରୋତ୍ତୋଳନ ଚମ୍ପିଅନ୍‌ସିପ୍‌ରେ କ୍ଲିନ୍ ତଥା ଜର୍କରେ ଏକ ନୂତନ ବିଶ୍ୱ ରେକର୍ଡ ସ୍ଥାପନ ସହ ବ୍ରୋଞ୍ଜ ପଦକ ବିଜୟିନୀ ହୋଇଥିବାରୁ ଭାରତର ଭାରୋତ୍ତୋଳନ ତାରକା ସାଇଖୋମ ମିରାବାଇ ଚାନୁଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଉଜ୍‌ବେକିସ୍ତାନର ତାସକେଣ୍ଟଠାରେ ଆୟୋଜିତ ବରିଷ୍ଠ ଏସୀୟ ଭାରୋତ୍ତୋଳନ ଚମ୍ପିଅନ୍‌ସିପ୍‌ରେ ୪୫ କିଲୋଗ୍ରାମ ବର୍ଗରେ ଓଡ଼ିଶାର ଝିଲି ଦଳବେହେରା ସ୍ୱର୍ଣ୍ଣ ପଦକ ବିଜୟିନୀ ହୋଇଥିବାରୁ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଜାମାଇକାର କିଙ୍ଗଷ୍ଟନ୍‌ଠାରେ ଭେଲୋସିଟି ଫେଷ୍ଟ-୯ରେ ୨୦୦ ମିଟର ମହିଳା ବିଭାଗରେ ତୃତୀୟ ସ୍ଥାନ ଅଧିକାର କରିଥିବାରୁ ତାରକା ଧାବିକା ଶ୍ରାବଣୀ ନନ୍ଦଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି ।
- ମାନ୍ୟବର ମୁଖ୍ୟମନ୍ତ୍ରୀ ପାଟଣାଗଡ଼ର ପୂର୍ବତନ ବିଧାୟକ ବିବେକାନନ୍ଦ ମେହେରଙ୍କ ଦେହାନ୍ତ ବିଷୟରେ ଜାଣି ଦୁଃଖ ପ୍ରକାଶ କରିଛନ୍ତି । ଜନପ୍ରତିନିଧି ଭାବେ ତାଙ୍କ କାର୍ଯ୍ୟ ପାଇଁ ସେ ସର୍ବଦା ସ୍ମରଣୀୟ ରହିବେ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିବା ସହ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ସମବେଦନା ଜ୍ଞାପନ କରିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୫,୯୯,୮୭୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୬୮, ୨୫୮ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୪୪, ୮୨୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୪୪ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨୧,୪୩୬ ରହିଛି ।
- ୨୧,୪୩୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**